ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 1490/23-03-2021**

# ପ୍ରେସ୍ ବିବୃତି

ଭୁବନେଶ୍ୱର :୨୩ ମାର୍ଚ୍ଚ,୨୦୨୧

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ଶହୀଦ ଦିବସ ଅବସରରେ ଆମ ଦେଶର ସ୍ୱାଧୀନତା ପାଇଁ ପ୍ରାଣବଳୀ ଦେଇଥିବା ମହାନ ବିପ୍ଳବୀ ଭଗତ ସିଂ, ସୁଖଦେବ ଏବଂ ରାଜଗୁରୁଙ୍କ ପ୍ରତି ଗଭୀର ଶ୍ରଦ୍ଧାଞ୍ଜଳି ଜଣାଇଛନ୍ତି । ଆମ ମାତୃଭୂମି ପାଇଁ ସେମାନଙ୍କର ନିଃସ୍ୱାର୍ଥପର ବଳୀଦାନ ଆମକୁ ପ୍ରେରଣା ଯୋଗାଉଥିବ ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ସତ୍ୟ ଓ ଅହିଂସାର ପ୍ରତୀକ ମହାତ୍ମା ଗାନ୍ଧୀଙ୍କ ଓଡ଼ିଶା ଶୁଭାଗମନର ୧୦୦ ବର୍ଷ ପୂର୍ତ୍ତି ଅବସରରେ ତାଙ୍କ ପ୍ରତି ଗଭୀର ଶ୍ରଦ୍ଧାଞ୍ଜଳି ଅର୍ପଣ କରିଛନ୍ତି । ସମଗ୍ର ବିଶ୍ୱରେ ଶାନ୍ତି, ବିକାଶ ଓ ସାମ୍ୟତା ବଜାୟ ସହ ସୁସ୍ଥ ସମାଜ ଗଠନ ଦିଗରେ ଗାନ୍ଧୀଜୀଙ୍କ ପ୍ରଦର୍ଶିତ 'ଅହିଂସା'ର ମାର୍ଗ ସର୍ବଦା ପ୍ରେରଣାଦାୟୀ ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ।

## ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୮୮,୩୫,୫୫୧ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୩୯,୦୭୬ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୩୬, ୨୦୬ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୯୧୯ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୮୯୮ ରହିଛି ।
- ୮୯୮ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ମାନସ ରଞ୍ଜନ ଖୁଣ୍ଟିଆ
ସୂଚନା ଅଧିକାରୀ

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**